The Orissa Gazette

EXTRAORDINARY

PUBLISHED BY AUTHORITY

No. 114 CUTTACK, THURSDAY, JANUARY 17, 2008/ PAUSA 27, 1929

ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 17 ଡିସେମ୍ବର 2007

ସଂଖ୍ୟା 49390--ଏଲ୍. ଏ. (ଏ) 28/2006 -(ପୁରୀ)-ରାବିପ. ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ ପ୍ରସ୍ତାବିତ ବେଦାନ୍ତ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ଆଳତୁଙ୍ଗା, ଥାନା ପୁରୀ ସଦର, ଜିଲ୍ଲା ପୁରୀରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ୱାରା ଘୋଷଣା କରାଯାଉଅଛି କି, ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 374.54 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥା ଅନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 58221-ରା, ତା 14 ଡିସେମ୍ବର 2006 ରିଖ ଓ ରାଜପତ୍ର ସଂଖ୍ୟା 15, ତା 6 ଜାନୁଆରୀ 2007 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମାର ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍ସା, ଜିଲ୍ଲାପାଳ, ପୁରୀଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ
ପ୍ରଦୀପ୍ତ କୁମାର ପଟନାୟକ
ଯୁଗ୍ମ ଶାସନ ସଚିବ

Printed and Published by the Director, Printing, Stationery & Publication, Orissa, Cuttack-10
Ex.. Gaz.1916--193+20